ସ୍ୱାଗତଂ ଓଡ଼ିଶା

# ଡୁମାଣୀ ଖବର

Dumani Khabar (Odia Daily)

R.N.I. Regd. No. ODIODI/2020/78914
P.O. Regd. No. : BN/290/23-25

Visit us: www.dumanikhabar.in • e-paper.dumanikhabar.in

DUMANI TV — Follow us:

ବର୍ଷ-୬ | ସଂଖ୍ୟା-୧୨୮ | ଶୁକ୍ରବାର | ୧ ଅଗଷ୍ଟ ୨୦୨୫ | ଭୁବନେଶ୍ୱର | ପୃଷ୍ଠା ସଂଖ୍ୟା-୮ | ମୂଲ୍ୟ : ୨.୦୦ | Vol-6 | Issue-128 | Friday | 1 August 2025 | Bhubaneswar | Pages-8 | Rs. 2.00

### ଏକ୍ ପେଡ୍ ମା’ କେ ନାମ୍-୨.୦

## ପ୍ରଧାନମନ୍ତ୍ରୀଙ୍କ ଜନ୍ମ ଦିନରେ ଓଡିଶାରେ ଲଗାଯିବ ୭୫ ଲକ୍ଷ ଗଛ



ଭୁବନେଶ୍ୱର, ୩୧।୭ (ହି.ସ): ଚଳିତ ବର୍ଷ ସେପ୍ଟେମ୍ବର ୧୭ ତାରିଖରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ୭୫ ବର୍ଷରେ ପ୍ରଦାର୍ପଣ କରିବାକୁ ଯାଉଛନ୍ତି। ଦେଶପ୍ରତି, ବିଶେଷକରି ଓଡିଶା ପ୍ରତି ପ୍ରଧାନମନ୍ତ୍ରୀଙ୍କ ଅନେକ ଅବଦାନ ରହିଛି। ଗତ ବର୍ଷ ପ୍ରଧାନମନ୍ତ୍ରୀ ତାଙ୍କ ଜନ୍ମଦିନରେ ଓଡିଶା ଆସି ମା’ମାନଙ୍କ ସମ୍ମାନରେ ସୁଭଦ୍ରା ଯୋଜନା ଆରମ୍ଭ କରିଥିଲେ। ଓଡିଶାର ବିକାଶ ପ୍ରତି ପ୍ରଧାନମନ୍ତ୍ରୀଙ୍କ ପ୍ରତିବଦ୍ଧତା, ଓଡିଶାବାସୀଙ୍କ ପ୍ରତି ସଦିଚ୍ଛାର ସମ୍ମାନ ଜଣାଇ ଏକ୍ ପେଡ୍ ମା’ କେ ନାମ୍ ଅଭିଯାନରେ ସେପ୍ଟେମ୍ବର ୧୭ ତାରିଖରେ ଓଡିଶାରେ ଗୋଟିଏ ଦିନରେ ଲଗାଯିବ ୭୫ ଲକ୍ଷ ଗଛ। ଏହା ହେବ ପ୍ରଧାନମନ୍ତ୍ରୀଙ୍କ ପ୍ରତି ଓଡିଶାବାସୀଙ୍କ ଉପହାର। ଲୋକସେବା ଭବନରେ ଏକ୍ ପେଡ୍ ମା’ କେ ନାମ୍ ଅଭିଯାନ ସମ୍ପର୍କରେ ଏକ ପ୍ରସ୍ତୁତି ବୈଠକରେ ଅଧ୍ୟକ୍ଷତା କରି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏହି ଘୋଷଣା କରିଛନ୍ତି। ସୂଚନାଯୋଗ୍ୟ ଯେ, ଗତବର୍ଷ ପ୍ରଧାନମନ୍ତ୍ରୀଙ୍କ ଦ୍ୱାରା ଏକ୍ ପେଡ ମା’ କେ ନାମ୍ ଅଭିଯାନ ଆରମ୍ଭ ହୋଇଥିଲା। ଚଳିତବର୍ଷ ଜୁନ୍ ୫ରୁ ସେପ୍ଟେମ୍ବର ୩୦ ତାରିଖ ପର୍ଯ୍ୟନ୍ତ ଏହାର ଦ୍ୱିତୀୟ ସଂସ୍କରଣ ଏକ ପେଡ୍ ମା’ କେ ନାମ୍ ୨.୦ ଚାଲିବ। ଦ୍ୱିତୀୟ ସଂସ୍କରଣର ଏହି କାର୍ଯ୍ୟକ୍ରମରେ ସର୍ବନିମ୍ନ ୭.୫ କୋଟି ଚାରା ରୋପଣ ପାଇଁ ରାଜ୍ୟ ସରକାର ଲକ୍ଷ୍ୟ ରଖିଛନ୍ତି। ପ୍ରସ୍ତୁତି ବୈଠକରେ ମୁଖ୍ୟମନ୍ତ୍ରୀ କହିଥିଲେ ଯେ, ଏକ୍ ପେଡ୍ ମା’ କେ ନାମ୍ କାର୍ଯ୍ୟକ୍ରମ ଏକ ଜନଆନ୍ଦୋଳନରେ ପରିଣତ ହୋଇଛି। ଗତବର୍ଷ ଏହି କାର୍ଯ୍ୟକ୍ରମରେ ଓଡିଶା ତା’ର ଲକ୍ଷ୍ୟ ଅତିକ୍ରମ କରି ୬.୭୨ କୋଟି ଗଛ ଲଗାଇ ସାରା ଦେଶରେ ଚତୁର୍ଥ ସ୍ଥାନ ଅଧିକାର କରିଥିଲା। ଏ ବର୍ଷ ୭.୫ କୋଟି ଗଛ ଲଗାଇବାର ଲକ୍ଷ୍ୟ ରଖାଯାଇଛି ଏବଂ ତା’ସହିତ କେବଳ ଗୋଟିଏ ଦିନରେ ୭୫ ଲକ୍ଷ ଗଛ ଲାଗିବ ବୋଲି ମୁଖ୍ୟମନ୍ତ୍ରୀ କହିଥିଲେ। ଏହା ଏକ ରେକର୍ଡ ହେବ ବୋଲି ସେ କହିଥିଲେ। କାର୍ଯ୍ୟକ୍ରମକୁ ସଫଳ କରିବା ପାଇଁ ଜଙ୍ଗଲ ବିଭାଗ ଏବଂ କୃଷି ଓ କୃଷକସଶକ୍ତି କରଣ ବିଭାଗର ଏଥିରେ ପ୍ରମୁଖ ଦାୟିତ୍ୱ ରହିଛି। ଏହି ପ୍ରକ୍ରିୟାକୁ ଆହୁରି ବ୍ୟାପକ କରିବା ପାଇଁ ଏହି ଅଭିଯାନରେ ବିଭିନ୍ନ ସରକାରୀ ବିଭାଗ ସହିତ ପିଏସୟୁ, ଏନଜିଓ ସଂସ୍ଥା, ବିଭିନ୍ନ ଯୁବସଂଘ, ସ୍ୱେଚ୍ଛାସେବୀ ଅନୁଷ୍ଠାନମାନଙ୍କୁ ଅଧିକରୁ ଅଧିକ ସାମିଲ କରାଯିବାର ଆବଶ୍ୟକତା ରହିଛି। ପଞ୍ଚାୟତ ପ୍ରତିଷ୍ଠାନ, ସ୍କୁଲ, କଲେଜ, ସ୍ୱୟଂ ସହାୟିକା ଗୋଷ୍ଠୀ ପ୍ରମୁଖଙ୍କର ଏଥିରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିବ ବୋଲି ମୁଖ୍ୟମନ୍ତ୍ରୀ କହିଥିଲେ। ଏଥିପାଇଁ ବ୍ୟାପକ ପ୍ରଚାର ପ୍ରସାର କାର୍ଯ୍ୟକ୍ରମ କରିବା ପାଇଁ ସୂଚନା ଓ ଲୋକ ସମ୍ପର୍କ ବିଭାଗକୁ ମୁଖ୍ୟମନ୍ତ୍ରୀ ନିର୍ଦ୍ଦେଶ ଦେଇଥିଲେ। ଏହି କାର୍ଯ୍ୟକ୍ରମର ପ୍ରଚାର ପ୍ରସାର ଅତ୍ୟନ୍ତ ପ୍ରଭାବୀ ଢଙ୍ଗରେ ହେବା ଉଚିତ। ପ୍ରଚାର ପ୍ରସାର କେବଳ ଏକ କାର୍ଯ୍ୟକ୍ରମର ନୁହେଁ, ଏହା ପରିବେଶ ସୁରକ୍ଷା ପାଇଁ ଏକ ଜନ ଆନ୍ଦୋଳନ ହେବା ଉଚିତ ବୋଲି ସେ ମତ ଦେଇଥିଲେ। କେବଳ ଗଛ ଲଗାଇଦେଲେ ହେବ ନାହିଁ, ଏହି ଗଛକୁ କିଭଳି ଉତ୍ତମ ଭବିଷ୍ୟତ ମିଳିବ ତା’ର ମଧ୍ୟ ଦାୟିତ୍ୱ ନେବା ଆବଶ୍ୟକ ବୋଲି ମତ ଦେଇ ମୁଖ୍ୟମନ୍ତ୍ରୀ କହିଥିଲେ ଯେ ବୃକ୍ଷ ରୋପଣ ପରେ ଏହାର ରକ୍ଷଣା ବେକ୍ଷଣ ଓ ଯତ୍ନ ପାଇଁ ପ୍ରତ୍ୟେକ ସରକାରୀ କର୍ମଚାରୀ ଏବଂ ଜନସାଧାରଣ ଦାୟିତ୍ୱବାନ ହେବା ଆବଶ୍ୟକ। ଗୋଷ୍ଠୀ-ଜଙ୍ଗଲ, ଗ୍ରାମ୍ୟ ଜଙ୍ଗଲ, ପଥପାର୍ଶ୍ୱଚାରା ରୋପଣ ଏବଂ ବ୍ୟକ୍ତିଗତ ବୃକ୍ଷ ରୋପଣ ପାଇଁ ନିମ୍ବ, କରଞ୍ଜ, ତେନ୍ତୁଳି, ଫାସୀ, ଅର୍ଜୁନ, ହରିଡା, ବାହାଡା, ପଣସ, ତାଳ, ପିଜୁଳୀ, କୃଷ୍ଣଚୂଡା, ପିପଳ, ବରବଛା, ଅଶୋକ, ଜାମୁ, କଦମ୍ବ, ଅଁଳା, ଦେବଦାରୁ, ସୁନାରୀ, କରଞ୍ଜ, ଚାକୁଣ୍ଡା ଇତ୍ୟାଦି ଗଛ ଚୟନ କରାଯାଇପାରିବ ବୋଲି ମୁଖ୍ୟମନ୍ତ୍ରୀ କହିଥିଲେ। ଏଥିସହିତ ବୃକ୍ଷ ରୋପଣର ଫଟୋ ଓ ଡାଟା ମେରି ଲାଇଫ ପୋର୍ଟାଲରେ ଅପଲୋଡ କରାଯିବା ପାଇଁ ସେ • ପୃଷ୍ଠା ୭ ଦେଖନ୍ତୁ...

## ପିଏମ ମୋଦି ଓ ଗୃହମନ୍ତ୍ରୀ ଅମିତ ଶାହଙ୍କୁ ସାକ୍ଷାତ କଲେ ମଧ୍ୟପ୍ରଦେଶ ମୁଖ୍ୟମନ୍ତ୍ରୀ



ଭୋପାଲ, ୩୧।୭ (ହି.ସ): ମଧ୍ୟପ୍ରଦେଶର ମୁଖ୍ୟମନ୍ତ୍ରୀ ଡ଼. ମୋହନ ଯାଦବ ଗୁରୁବାର ନୂଆଦିଲ୍ଲୀ ପ୍ରବାସ ସମୟରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଏବଂ କେନ୍ଦ୍ର ଗୃହ ଓ ସହକାରିତା ମନ୍ତ୍ରୀ ଅମିତ ଶାହଙ୍କ ସହ ସୌଜନ୍ୟମୂଳକ ସାକ୍ଷାତ କରି ତାଙ୍କଠାରୁ ମାର୍ଗଦର୍ଶନ ଗ୍ରହଣ କରିଛନ୍ତି । ଏହି ସମୟରେ ଦୁଇ ନେତା ମଧ୍ୟପ୍ରଦେଶର ରାଜନୈତିକ ଗତିବିଧି ଓ ବିକାଶ ସହ ସଂପୃକ୍ତ ବହୁତ ଗୁରୁତ୍ୱପୂର୍ଣ୍ଣ ମାମଲା ଉପରେ ବିସ୍ତୃତ ଆଲୋଚନା କରିଥିଲେ। ଏହି ଭେଟଘାଟକୁ ମଧ୍ୟପ୍ରଦେଶରେ ଚାଲିଥିବା ବିକାଶ ଯୋଜନା ଓ କେନ୍ଦ୍ର-ରାଜ୍ୟ ସମନ୍ୱୟକୁ ଆଉ ଅଧିକ ମଜବୁତ କରିବା ଦୃଷ୍ଟିରୁ ଗୁରୁତ୍ୱପୂର୍ଣ୍ଣ ବୋଲି ମନାଯାଉଛି। ମୁଖ୍ୟମନ୍ତ୍ରୀ ଡ଼. ଯାଦବ ସୋସିଆଲ୍ ମିଡିଆ ମାଧ୍ୟମରେ ସୂଚନା ସେୟାର କରି କହିଛନ୍ତି ଯେ, ଆଜି ସଂସଦ ଭବନରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କୁ ଭେଟି ନିଜ ୧୮ ମାସର କାର୍ଯ୍ୟକାଳର ଉପଲବ୍ଧି ସମ୍ପର୍କରେ ଜଣାଇଛି। ସେ ‘ଐତିହ୍ୟରୁ ବିକାଶ ପଥ’ ନାମକ ପୁସ୍ତିକା ପ୍ରଧାନମନ୍ତ୍ରୀଙ୍କୁ ଉପହାର ଦେଇଛନ୍ତି, ଯେଉଁଥିରେ ସୁଶାସନ, ଆର୍ଥିକ ବିକାଶ, ନାରୀ ସଶକ୍ତିକରଣ, ଜନଜାତି କଲ୍ୟାଣ ଓ ଅଧୋସଂରଚନା ଭଳି କ୍ଷେତ୍ରର ବିକାଶ ସଂପର୍କରେ ଉଲ୍ଲେଖ ଅଛି। ସେ ଦୁବାଇ ଓ ସ୍ପେନରେ ହେଉଥିବା ନିବେଶ ଯାତ୍ରା ବିଷୟରେ ମଧ୍ୟ ପ୍ରଧାନମନ୍ତ୍ରୀଙ୍କୁ ଅବଗତ କରାଇଛନ୍ତି ଏବଂ ଭବିଷ୍ୟତ ପାଇଁ ମାର୍ଗଦର୍ଶନ ଓ ସହଯୋଗର ଆଶା ବ୍ୟକ୍ତ କରିଛନ୍ତି। • ପୃଷ୍ଠା ୭ ଦେଖନ୍ତୁ...

## ୨ରେ ପିଏମ୍-କିଷାନ ରାଜ୍ୟସ୍ତରୀୟ କାର୍ଯ୍ୟକ୍ରମରେ ଯୋଗଦେବେ ମୁଖ୍ୟମନ୍ତ୍ରୀ

ଭୁବନେଶ୍ୱର, ୩୧।୭ (ହି.ସ): ଚାଷୀଙ୍କ କଲ୍ୟାଣ ପାଇଁ ଉଦ୍ଦିଷ୍ଟ ଭାରତ ସରକାରଙ୍କ ପ୍ରମୁଖ ଯୋଜନା ପିଏମ-କିଷାନର ୨୦ତମ କିସ୍ତି ଆବଣ୍ଟନ ଉପଲକ୍ଷେ ଭାରତୀୟ କୃଷି ଗବେଷଣା ପରିଷଦ (ଆଇସିଏଆର)-କେନ୍ଦ୍ରୀୟ ମଧୁର ଜଳ ମତ୍ସ୍ୟପାଳନ ସଂସ୍ଥା (ସିଫା) ଭୁବନେଶ୍ୱର ପକ୍ଷରୁ ୨୦୨୫ ମସିହା ଅଗଷ୍ଟ ୨ ତାରିଖରେ ଏକ ରାଜ୍ୟସ୍ତରୀୟ କାର୍ଯ୍ୟକ୍ରମର ଆୟୋଜନ କରାଯିବ। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ବାରାଣସୀରୁ ୨୦ତମ କିସ୍ତି ପ୍ରଦାନ କରିବେ, ଯାହାର ସାରା ଦେଶରେ ସିଧାପ୍ରସାରଣ ହେବ। ଏହି ଜାତୀୟ କାର୍ଯ୍ୟକ୍ରମର ଏକ ଅଂଶ ଭାବରେ, ଆଇସିଏଆର-ସିଫାକୁ ଓଡ଼ିଶା ପାଇଁ ରାଜ୍ୟସ୍ତରୀୟ ସମାରୋହର ସ୍ଥାନ ଭାବରେ ମନୋନୀତ କରାଯାଇଛି, ଯେଉଁଠାରେ ଓଡ଼ିଶାର ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ମୁଖ୍ୟଅତିଥି ଭାବରେ ଯୋଗଦେବେ। ଓଡ଼ିଶାର ଉପମୁଖ୍ୟମନ୍ତ୍ରୀଙ୍କ ସହିତ ଅନ୍ୟାନ୍ୟ ମାନ୍ୟଗଣ୍ୟ ବ୍ୟକ୍ତି ଏବଂ ବରିଷ୍ଠ ଅଧିକାରୀମାନେ ମଧ୍ୟ ଏହି ଅବସରରେ ଉପସ୍ଥିତ ରହିବେ। ସିଫା କ୍ୟାମ୍ପସରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ରାଜ୍ୟର ବିଭିନ୍ନ ସ୍ଥାନରୁ ୫୦୦ରୁ ଅଧିକ ଚାଷୀ, ବରିଷ୍ଠ ଅଧିକାରୀ, କୃଷି ବୈଜ୍ଞାନିକ ଏବଂ ବିଭିନ୍ନ ବିଭାଗର ଅଧିକାରୀମାନେ ଯୋଗଦେବାର ଆଶା କରାଯାଉଛି। ଏହି କାର୍ଯ୍ୟକ୍ରମରେ ବିଶିଷ୍ଟ ବ୍ୟକ୍ତିଙ୍କ ସହିତ ଚାଷୀମାନଙ୍କ ମତବିନିମୟ, ସଫଳତା କାହାଣୀ ବାଣ୍ଟିବା, ବିଭିନ୍ନ କୃଷି ଯୋଜନା ସମ୍ପର୍କରେ ସୂଚନା ପ୍ରଦାନ ଏବଂ ମତ୍ସ୍ୟଚାଷ ଏବଂ ଜଳକୃଷି କ୍ଷେତ୍ରରେ ସର୍ବୋତ୍ତମ ଅଭ୍ୟାସକୁ ପ୍ରୋତ୍ସାହନ ଆଦି ଅନ୍ତର୍ଭୁକ୍ତ ହେବ। ଏହି ଅବସରରେ ମୁଖ୍ୟମନ୍ତ୍ରୀ ଚାଷୀମାନଙ୍କ ସହିତ ମତବିନିମୟ କରିବେ ଏବଂ କୃଷକଙ୍କ ଆୟ ବୃଦ୍ଧି କରିବାରେ କୃଷି ଏବଂ ବୈଜ୍ଞାନିକ କୃଷି ପଦ୍ଧତିର ଗୁରୁତ୍ୱ • ପୃଷ୍ଠା ୭ ଦେଖନ୍ତୁ...

## ଭାରତର ଅର୍ଥନୀତି ଏକ ମୃତ ଅର୍ଥନୀତି: ଟ୍ରମ୍ପ



ୱାସିଂଟନ, ୩୧।୭ (ହି.ସ): ଭାରତ ଉପରେ ୨୫ ପ୍ରତିଶତ ଟାରିଫ୍ ଘୋଷଣା କରିବା ପରେ, ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଆଉ ଏକ ବଡ଼ ଧମାକା କରିଛନ୍ତି। ଭାରତ ଏବଂ ରୁଷିଆକୁ ଟାର୍ଗେଟ କରି ସେ କହିଛନ୍ତି, ସେ ରୁଷିଆ ସହିତ ଭାରତର କାରବାରକୁ ଚିନ୍ତା କରନ୍ତି ନାହିଁ ଏବଂ ଉଭୟ ମିଶି ସେମାନଙ୍କର ଡେଡ୍ ଇକୋନୋମିକୁ ତଳକୁ ଆଣିପାରନ୍ତି। ଟ୍ରମ୍ପ ନିଜ ଟ୍ରୁଥ୍ ସୋସିଆଲରେ ଏକ ପୋଷ୍ଟରେ ଲେଖିଛନ୍ତି, ଭାରତ ରୁଷିଆ ସହିତ କ’ଣ କରେ ତାହା ମୋତେ ଚିନ୍ତା ନାହିଁ। ସେମାନେ ସେମାନଙ୍କର ଡେଡ୍ ଇକୋନୋମିକୁ ଏକାଠି ତଳକୁ ନେଇପାରିବେ, ମୁଁ ସବୁକିଛି ପାଇଁ ଚିନ୍ତା କରେ। ଆମେ ଭାରତ ସହିତ ବହୁତ କମ ବ୍ୟବସାୟ କରିଛୁ, ସେମାନଙ୍କର ଟାରିଫ୍ ବହୁତ ଅଧିକ, ବିଶ୍ୱର ସର୍ବୋଚ୍ଚ ମଧ୍ୟରେ। ସେହିପରି, ରୁଷିଆ ଏବଂ ଆମେରିକା ପ୍ରାୟ କୌଣସି ବ୍ୟବସାୟ କରନ୍ତି ନାହିଁ। ଆମେରିକୀୟ ରାଷ୍ଟ୍ରପତି ପୂର୍ବତନ ରୁଷିଆ ରାଷ୍ଟ୍ରପତି ଦିମିତ୍ରୀ ମେଦଭେଦେବଙ୍କୁ ମଧ୍ୟ ଟାର୍ଗେଟ କରିଥିଲେ। ମେଦଭେଦେବ ଚେତାବନୀ ଦେଇଥିଲେ ଯେ ରୁଷିଆ ସହିତ ୱାଶିଂଟନ ଡିସିର ଚରମ ଯୁଦ୍ଧ ହୋଇପାରେ। ଆମେରିକା ରାଷ୍ଟ୍ରପତି କହିଛନ୍ତି, ରୁଷିଆର ବିଫଳ ପୂର୍ବତନ ରାଷ୍ଟ୍ରପତି ମେଦଭେଦେବ, ଯିଏ ଏବେ ବି ନିଜକୁ ରାଷ୍ଟ୍ରପତି ବୋଲି ଭାବନ୍ତି, ତାଙ୍କୁ ତାଙ୍କ କଥା ଉପରେ ନଜର ରଖିବାକୁ କୁହନ୍ତୁ। ସେ ବହୁତ ବିପଜ୍ଜନକ କ୍ଷେତ୍ରରେ ପ୍ରବେଶ କରୁଛନ୍ତି। ଭାରତ ବର୍ଷ ବର୍ଷ ଧରି ରୁଷିଆଠାରୁ ପ୍ରତିରକ୍ଷା ଉପକରଣ, ତୈଳ ଏବଂ ଶକ୍ତି ସମ୍ପଦ କ୍ରୟ କରିଆସୁଛି। ସାମ୍ପ୍ରତିକ ବର୍ଷଗୁଡ଼ିକରେ, ଭାରତ ରୁଷିଆଠାରୁ ଏସ୍-୪୦୦ ବାୟୁ ପ୍ରତିରକ୍ଷା ପ୍ରଣାଳୀ, ଅଶୋଧିତ ତୈଳ ଏବଂ ଅନ୍ୟାନ୍ୟ ରଣନୈତିକ ସମ୍ପଦ ଆମଦାନୀ କରିଆସୁଛି, ଯାହାକୁ ଆମେରିକା ସନ୍ଦେହର ସହିତ ଦେଖେ। ଯଦିଓ ଭାରତ ଏପର୍ଯ୍ୟନ୍ତ ଆମେରିକା ସହିତ ଦୃଢ଼ ସମ୍ପର୍କ ବଜାୟ ରଖିଛି, କିନ୍ତୁ ଏହାର ଋଷ ସହିତ ଦଶନ୍ଧି ପୁରୁଣା ରଣନୈତିକ ସମ୍ପର୍କ ମଧ୍ୟ ରହିଛି। ଭାରତର ବୈଦେଶିକ ନୀତିର ଆଧାର ହେଉଛି ଏହାର ସ୍ୱୟଂଶାସିତ ଏବଂ ବହୁପାକ୍ଷିକ ଆଭିମୁଖ୍ୟ। ଏହି ସମୟରେ, ଭାରତ ଏବଂ ଆମେରିକା ମଧ୍ୟରେ ବାଣିଜ୍ୟ ଆଲୋଚନା ମଧ୍ୟ ଚାଲିଛି। ଏହା ଉପରେ, ଭାରତ ସରକାର କହିଛନ୍ତି ଯେ, ଭାରତ ଏବଂ ଆମେରିକା ଗତ କିଛି ମାସ ଧରି ଏକ ନିରପେକ୍ଷ, ସନ୍ତୁଳିତ ଏବଂ ପାରସ୍ପରିକ ଲାଭଦାୟକ ଦ୍ୱିପାକ୍ଷିକ ବାଣିଜ୍ୟ ଚୁକ୍ତି ଉପରେ ଆଲୋଚନା କରୁଛନ୍ତି।

## ଓଡ଼ିଶା ସମେତ ୬ଟି ରାଜ୍ୟର ୪ଟି ଗୁରୁତ୍ୱପୂର୍ଣ୍ଣ ରେଳ ପ୍ରକଳ୍ପକୁ କେନ୍ଦ୍ର କ୍ୟାବିନେଟରେ ମଞ୍ଜୁରୀ

ନୂଆଦିଲ୍ଲୀ, ୩୧।୭ (ପିଆଇବି): ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଆର୍ଥିକ ବ୍ୟାପାର ସଂକ୍ରାନ୍ତ କେନ୍ଦ୍ର କ୍ୟାବିନେଟ୍ ବୈଠକରେ ରେଳ ମନ୍ତ୍ରଣାଳୟର ୪ଟି ଗୁରୁତ୍ୱପୂର୍ଣ୍ଣ ପ୍ରକଳ୍ପକୁ ମଞ୍ଜୁର କରାଯାଇଛି। ଏସବୁ ପ୍ରକଳ୍ପ ପାଇଁ ୧୧,୧୬୯ କୋଟି ଟଙ୍କା ଖର୍ଚ୍ଚ କରାଯିବ। ଏହି ରେଳ ପ୍ରକଳ୍ପ ଗୁଡ଼ିକ ହେଲା: ଇଟାର୍ସି-ନାଗପୁର ଚତୁର୍ଥ ଲାଇନ, ଛତ୍ରପତି ଶମ୍ଭାଜିନଗର (ଔରଙ୍ଗାବାଦ)-ପରଭଣୀ ଲାଇନ ଦୋହରୀକରଣ, ଆଲୁଆବାରି ରୋଡ୍-ନ୍ୟୁ ଜଲପାଇଗୁଡ଼ି ତୃତୀୟ ଓ ଚତୁର୍ଥ ଲାଇନ, ଡାଙ୍ଗପୋଷୀ-ଜରୋଲି ତୃତୀୟ ଓ ଚତୁର୍ଥ ଲାଇନ । ଏହାଦ୍ୱାରା ଓଡ଼ିଶା ସମେତ ୬ଟି ରାଜ୍ୟର ୧୩ଟି ଜିଲ୍ଲା ଉପକୃତ ହେବେ । ବର୍ଦ୍ଧିତ ଲାଇନ କ୍ଷମତା ଟ୍ରେନର ଗତିଶୀଳତାକୁ ଯଥେଷ୍ଟ ବୃଦ୍ଧି କରିବ, ଯାହା ଫଳରେ ଭାରତୀୟ ରେଳବାଇ ପାଇଁ କାର୍ଯ୍ୟକ୍ଷମ ଦକ୍ଷତା ଏବଂ ସେବା ନିର୍ଭରଯୋଗ୍ୟତା ଉନ୍ନତ ହେବ। ଏହି ଲାଇନ ଦୋହରୀକରଣ ପ୍ରକଳ୍ପଗୁଡ଼ିକ ଟ୍ରେନ ଚଳାଚଳକୁ ସୁବ୍ୟବସ୍ଥିତ କରିବା ଏବଂ ଭିଡ଼ ହ୍ରାସ କରିବା ପାଇଁ ପରିକଳ୍ପନା କରାଯାଇଛି। ପ୍ରକଳ୍ପଗୁଡ଼ିକ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଜୀଙ୍କ ନୂତନ ଭାରତର ଦୃଷ୍ଟିକୋଣ ଅନୁରୂପ । ଏହା ସ୍ଥାନୀୟ ଲୋକମାନଙ୍କ ପାଇଁ ବ୍ୟାପକ ନିଯୁକ୍ତି / ସ୍ୱନିଯୁକ୍ତି ସୁଯୋଗ ବୃଦ୍ଧି କରିବ। ଫଳରେ ସେମାନେ ଆତ୍ମନିର୍ଭରଶୀଳ ହୋଇପାରିବେ। ଏହି ପ୍ରକଳ୍ପଗୁଡ଼ିକ ପ୍ରଧାନମନ୍ତ୍ରୀ-ଗତି ଶକ୍ତି ଜାତୀୟ ମାଷ୍ଟର ପ୍ଲାନ ଆଧାରରେ ଯୋଜନା କରାଯାଇଛି । ପିଏମ ଗତିଶକ୍ତି ଯୋଜନାରେ ସମନ୍ୱିତ ଯୋଜନା ଏବଂ ଅଂଶୀଦାରମାନଙ୍କ ପରାମର୍ଶ ମାଧ୍ୟମରେ ବହୁମୁଖୀ ଯୋଗାଯୋଗ ଏବଂ ଲଜିଷ୍ଟିକ୍ ଦକ୍ଷତା ବୃଦ୍ଧି ଉପରେ ଧ୍ୟାନ ଦିଆଯାଇଛି। ଏହି ପ୍ରକଳ୍ପଗୁଡ଼ିକ ଯାତ୍ରୀ, ସାମଗ୍ରୀ ଏବଂ ସେବାର ପରିବହନ ପାଇଁ ସୁଗମ ଯୋଗାଯୋଗ ପ୍ରଦାନ କରିବ। ମହାରାଷ୍ଟ୍ର, ମଧ୍ୟପ୍ରଦେଶ, ପଶ୍ଚିମବଙ୍ଗ, ବିହାର, ଓଡ଼ିଶା ଏବଂ ଝାଡ଼ଖଣ୍ଡର ୧୩ଟି ଜିଲ୍ଲାକୁ ସାମିଲ କରିଥିବା ୪ ପ୍ରକଳ୍ପ ଭାରତୀୟ ରେଳବାଇର ବର୍ତ୍ତମାନର ନେଟୱାର୍କରେ ପ୍ରାୟ ୫୭୪ କିଲୋମିଟର ନୂଆ ଲାଇନ୍ ଯୋଡ଼ିବ । ପ୍ରସ୍ତାବିତ ରେଳ ଲାଇନ୍ ଦୋହରୀକରଣ ପ୍ରକଳ୍ପ ପ୍ରାୟ ୪୩.୬୦ ଲକ୍ଷ ଜନସଂଖ୍ୟା ବିଶିଷ୍ଟ ପ୍ରାୟ ୨,୩୦୯ ଗ୍ରାମକୁ ଯୋଗାଯୋଗରେ ଉନ୍ନତି ଆଣିବ। କୋଇଲା, ସିମେଣ୍ଟ, କ୍ଲିରଙ୍କ, ଜିପ୍ସମ୍, ଫ୍ଲାଏ ଆସ୍, କଣ୍ଟେନର, କୃଷି ସାମଗ୍ରୀ ଏବଂ ପେଟ୍ରୋଲିୟମ୍ ଉତ୍ପାଦ ଇତ୍ୟାଦି ସାମଗ୍ରୀ ପରିବହନ ପାଇଁ ଏଗୁଡ଼ିକ ଅତ୍ୟନ୍ତ ଜରୁରୀ ମାର୍ଗ। କ୍ଷମତା ବୃଦ୍ଧି ଦ୍ୱାରା ବାର୍ଷିକ ୯୫.୯୧ ନିୟୁତ ଟନ୍ ଅତିରିକ୍ତ ମାଲ ପରିବହନ ସମ୍ଭବ ହେବ। ପରିବେଶ ଅନୁକୂଳ ଏବଂ ପରିବହନର ଶକ୍ତି ଦକ୍ଷ ମାଧ୍ୟମ ହୋଇଥିବାରୁ ରେଳବାଇ ଜଳବାୟୁ ଲକ୍ଷ୍ୟ ହାସଲ କରିବାରେ ଏବଂ ଦେଶର ଲଜିଷ୍ଟିକ୍ସ ଖର୍ଚ୍ଚକୁ ହ୍ରାସ କରିବାରେ ଗୁରୁତ୍ୱପୂର୍ଣ୍ଣ ଯୋଗଦାନ ଦେବ। ଏଥିସହିତ ତୈଳ ଆମଦାନୀ (୧୬ କୋଟି ଲିଟର) ହ୍ରାସ କରିବା ଏବଂ ଅଙ୍ଗାରକାମ୍ଳ ନିର୍ଗମନ (୫୧୫ କୋଟି କିଲୋଗ୍ରାମ) ହ୍ରାସ କରିବାରେ ସାହାଯ୍ୟ କରିବ ଯାହା ୨୦ କୋଟି ଗଛ ଲଗାଇବା ସହିତ ସମାନ।

## ଜୟପୁରରେ ସୁଭଦ୍ରା ତୃତୀୟ କିସ୍ତି ବାଣ୍ଟିବେ ରାଜ୍ୟ ସରକାର

ଭୁବନେଶ୍ୱର, ୩୧।୭ (ହି.ସ): ଜୟପୁରରେ ସୁଭଦ୍ରା ତୃତୀୟ କିସ୍ତି ଅର୍ଥ ବାଣ୍ଟିବେ ରାଜ୍ୟ ସରକାର । ରାକ୍ଷୀ ପୂର୍ଣ୍ଣିମାରେ ମହିଳା ମାନଙ୍କ ଆକାଉଣ୍ଟକୁ ଯିବ ୫୦୦୦ ଟଙ୍କା । ଯୋଗଦେବେ ମୁଖ୍ୟମନ୍ତ୍ରୀ ଓ ଉପ ମୁଖ୍ୟମନ୍ତ୍ରୀ ଏବଂ ବିଭିନ୍ନ ବିଭାଗର ମନ୍ତ୍ରୀ । କୋଟିଏରୁ ଉର୍ଦ୍ଧ୍ୱ ହିତାଧିକାରୀଙ୍କୁ ଏକକାଳୀନ ଯିବ ସୁଭଦ୍ରା ଅର୍ଥ। ୯ ତାରିଖରେ ମିଳିବ ସୁଭଦ୍ରାର ତୃତୀୟ କିସ୍ତି। ଏ ନେଇ ଆଜି ମୁଖ୍ୟ ଶାସନ ସଚିବଙ୍କ ଅଧ୍ୟକ୍ଷତାରେ ବସିଥିଲା ଗୁରୁତ୍ୱପୂର୍ଣ୍ଣ ବୈଠକ। ସୁଭଦ୍ରା ସମ୍ପର୍କିତ ବିଭିନ୍ନ ଦିଗକୁ ନେଇ ଷ୍ଟିଅରିଙ୍ଗ କମିଟି ବୈଠକରେ ଆଲୋଚନା ହୋଇଛି। ଆଗକୁ ସୁଭଦ୍ରା ଯୋଜନାରେ ହିତାଧିକାରୀଙ୍କୁ ନୂଆ ଯୋଡାଯିବା ନେଇ ବି ବୈଠକରେ ଆଲୋଚନା ହୋଇଛି। ଲୋକଙ୍କ ଫିଡ ବ୍ୟାକ ଉପରେ ଗୁରୁତ୍ୱ ଦେଉଛନ୍ତି ସରକାର। ସୁଭଦ୍ରା ଅର୍ଥ ମହିଳା ମାନେ କିପରି ବ୍ୟବହାର କରୁଛନ୍ତି ଏହା ଉପରେ ମତାମତ ନେବାକୁ ଷ୍ଟିଅରିଙ୍ଗ କମିଟିରେ ନିଷ୍ପତି। ଏହା ସହ ୨୧ ବର୍ଷ ହେବା ପରେ ନୂଆ ସାମିଲ ହେବେ ଓ ମାର୍ଚ୍ଚ ୩୦ ସୁଦ୍ଧା ୬୦ ବର୍ଷ ଅତିକ୍ରମ କରିଥିଲେ ଯୋଜନାରୁ ବାଦ ପଡ଼ିବେ।

## ଖୁବ୍‌ଶୀଘ୍ର ଉପରାଷ୍ଟ୍ରପତି ନିର୍ବାଚନ ଲାଗି ହେବ ତାରିଖ ଘୋଷଣା

ନୂଆଦିଲ୍ଲୀ, ୩୧।୭ (ହି.ସ): ଆସନ୍ତା ସପ୍ତାହରେ ଆସିପାରେ ଉପରାଷ୍ଟ୍ରପତି ନିର୍ବାଚନ ତାରିଖ। ଏନେଇ ନିର୍ବାଚନ କମିଶନ ପ୍ରକ୍ରିୟା ଆରମ୍ଭ କରିଦେଇଛନ୍ତି। ଉପରାଷ୍ଟ୍ରପତି ଜଗଦୀପ ଧନଖଡଙ୍କ ଇସ୍ତଫା ପରେ ନିର୍ବାଚନ କମିଶନ ଆଗାମୀ ଉପରାଷ୍ଟ୍ରପତିଙ୍କ ନିର୍ବାଚନର ପ୍ରସ୍ତୁତି ଆରମ୍ଭ କରିଦେଇଛି। ଏହା ଭିତରେ ଗୁରୁବାର ନିର୍ବାଚନ କମିଶନ୍ ଏହାକୁ ନେଇ ଏକ ଅପଡେଟ୍ ଜାରି କରିଛନ୍ତି। କମିଶନ୍ ୨୦୨୫ର ଉପରାଷ୍ଟ୍ରପତି ନିର୍ବାଚନ ପାଇଁ ଇଲେକ୍ଟୋରାଲ କଲେଜ ସୂଚୀ ପ୍ରସ୍ତୁତି ପୁରା କରିଦେଇଛନ୍ତି। ଏହାକୁ ଅନ୍ତିମ ରୂପ ଦିଆଯାଇଛି। ଇଲେକ୍ଟୋରାଲ କଲେଜ ରାଷ୍ଟ୍ରପତିଙ୍କୁ ନିର୍ବାଚିତ କରିଥାଏ। ଏହି ଇଲେକ୍ଟୋରାଲ କଲେଜରେ ଲୋକସଭା ଓ ରାଜ୍ୟସଭାର ସମସ୍ତ ନିର୍ବାଚିତ ସାଂସଦ, କେନ୍ଦ୍ରଶାସିତ ଅଞ୍ଚଳରୁ ନିର୍ବାଚିତ ଓ ସମସ୍ତ ରାଜ୍ୟ ବିଧାନ ସଭାର ନିର୍ବାଚିତ ବିଧାୟକମାନଙ୍କ ଦ୍ୱାରା ଗଠିତ। ଗୁରୁବାର ସୋସିଆଲ ମିଡିଆ ପ୍ଲାଟଫର୍ମ ଏକ୍ସରେ ଏକ ପୋଷ୍ଟରେ ନିର୍ବାଚନ କମିଶନ୍ ପ୍ରେସ୍ ନୋଟ୍ ସେୟର କରି ଏହି କଥାର ସୂଚନା ଦେଇଛନ୍ତି। ଏଥିରେ କୁହାଯାଇଛି, ନିର୍ବାଚନ କମିଶନ୍ ୨୦୨୫ରେ ଉପରାଷ୍ଟ୍ରପତି ନିର୍ବାଚନ ପାଇଁ ଇଲେକ୍ଟୋରାଲ କଲେଜର ସୂଚୀକୁ ଅନ୍ତିମ ରୂପ ଦେଇଛି। ଏହି ସଦସ୍ୟଙ୍କୁ ସମ୍ପର୍କିତ ସଦନର ରାଜ୍ୟ/ କେନ୍ଦ୍ର ଶାସିତ ଅଞ୍ଚଳ ଆଧାରରେ ଆଲଫାବେଟିକାଲ୍ ଅର୍ଡରରେ ବ୍ୟବସ୍ଥିତ କ୍ରମରେ ସୂଚୀବଦ୍ଧ କରାଯାଇଛି। ଏହା ପୂର୍ବରୁ ଦେଶର ୧୪ତମ ଉପରାଷ୍ଟ୍ରପତି ରହି ସାରିଥିବା ଜଗଦୀପ ଧନଖଡ ସ୍ୱାସ୍ଥ୍ୟଗତ କାରଣ ଦର୍ଶାଇ ଇସ୍ତଫା ଦେଇଥିଲେ। ସେ ୨୧ ଜୁଲାଇରେ ନିଜର ଇସ୍ତଫା ପ୍ରଦାନ କରିଥିଲେ। ସେଭଳି ଧନଖଡଙ୍କ ଇସ୍ତଫାର ଦୁଇ ଦିନ ପରେ ନିର୍ବାଚନ କମିଶନ୍ ଆଗାମୀ ଉପରାଷ୍ଟ୍ରପତିଙ୍କ ନିର୍ବାଚନ ପକ୍ରିୟା ଆରମ୍ଭ କରିଦେଇଛନ୍ତି। ଉଲ୍ଲେଖନୀୟ ଯେ, ସମ୍ବିଧାନ ଅନୁସାରେ, ଉପରାଷ୍ଟ୍ରପତି ହଠାତ ପଦ ଛାଡିବା କିମ୍ବା ଜରୁରୀ ସ୍ଥିତିରେ ତୁରନ୍ତ ନିର୍ବାଚନ କରିବାର ନିର୍ଦ୍ଦେଶ ଦିଆଯାଇଛି।

### ମାଲେଗାଓଁ ବିସ୍ଫୋରଣ ମାମଲା

## ସାଧ୍ୱୀ ପ୍ରଜ୍ଞାଙ୍କ ସମେତ ସମସ୍ତ ସାତ ଅଭିଯୁକ୍ତ ନିର୍ଦ୍ଦୋଷରେ ଖଲାସ



ନୂଆଦିଲ୍ଲୀ, ୩୧।୭ (ହି.ସ): ୧୭ ବର୍ଷ ପରେ ଗୁରୁବାର ମହାରାଷ୍ଟ୍ରର ମାଲେଗାଓଁରେ ହୋଇଥିବା ବୋମା ବିସ୍ଫୋରଣ ମାମଲାର ରାୟ ଆସିଛି। ଏହି ମାମଲାରେ ଏନ୍‌ଆଇଏ ସ୍ୱତନ୍ତ୍ର କୋର୍ଟ ସାଧ୍ୱୀ ପ୍ରଜ୍ଞାଙ୍କ ସମେତ ସମସ୍ତ ସାତ ଅଭିଯୁକ୍ତଙ୍କୁ ନିର୍ଦ୍ଦୋଷରେ ଖଲାସ କରିଛନ୍ତି। କୋର୍ଟ କହିଛନ୍ତି ଯେ, ସନ୍ଦେହ ଆଧାରରେ ଜଣଙ୍କୁ ଦୋଷୀ ସାବ୍ୟସ୍ତ କରାଯାଇପାରିବ ନାହିଁ। ମାମଲାର ମୁଖ୍ୟ ଅଭିଯୁକ୍ତ ପୂର୍ବତନ ଭୋପାଳ ସାଂସଦ ସାଧ୍ୱୀ ପ୍ରଜ୍ଞା ଠାକୁର ଥିଲେ। ତାଙ୍କ ସହିତ ଲେଫ୍ଟନାଣ୍ଟ କର୍ଣ୍ଣେଲ ପ୍ରସାଦ ପୁରୋହିତଙ୍କୁ ମଧ୍ୟ ଅଭିଯୁକ୍ତ କରାଯାଇଥିଲା। କୋର୍ଟରେ ରାୟ ପଢିବା ସମୟରେ ବିଚାରପତି କହିଛନ୍ତି ଯେ, ତଦନ୍ତରେ ଅନେକ ଭୁଲ ହୋଇଛି। ସରକାରୀ ପକ୍ଷ ବାଇକରେ ବିସ୍ଫୋରଣ ହୋଇଥିବା ପ୍ରମାଣ ମଧ୍ୟ କରିପାରିଲେ ନାହିଁ। ବିଚାରପତି ଏହା ମଧ୍ୟ କହିଛନ୍ତି ଯେ, ପଞ୍ଚନାମା ଠିକ୍ ଭାବରେ କରାଯାଇ ନଥିଲା। ତେବେ ମାଲେଗାଓଁ ବିସ୍ଫୋରଣରେ ଏକ ଗୁରୁତ୍ୱପୂର୍ଣ୍ଣ କଥା ସାମ୍ନାକୁ ଆସିଛି ଯେ, ବାଇକର ଚେସିସ୍ ନମ୍ବର ମିଳିପାରିଲା ନାହିଁ। କୋର୍ଟ କହିଛନ୍ତି ଯେ, ବାଇକଟି ସାଧ୍ୱୀ ପ୍ରଜ୍ଞା ଠାକୁରଙ୍କର ଥିଲା କି ନାହିଁ ତାହା ସ୍ପଷ୍ଟ ହୋଇନାହିଁ। ତଦନ୍ତକାରୀ ସଂସ୍ଥାଗୁଡ଼ିକ ଯାହା ଦାବି କରିଛନ୍ତି, ତାହା କୋର୍ଟରେ ପ୍ରମାଣିତ ହୋଇନାହିଁ। ତେବେ ସେପ୍ଟେମ୍ବର ୨୯ ତାରିଖ ୨୦୦୮ରେ ମହାରାଷ୍ଟ୍ରର ନାସିକ୍ ଜିଲ୍ଲାର ମାଲେଗାଓଁରେ ଏକ ବୋମା ବିସ୍ଫୋରଣ ହୋଇଥିଲା, ଯେଉଁଥିରେ ୬ ଜଣ ପ୍ରାଣ ହରାଇଥିଲେ। ବିସ୍ଫୋରଣ ଯୋଗୁଁ ୧୦୦ରୁ ଅଧିକ ଲୋକ ଆହତ ମଧ୍ୟ ହୋଇଥିଲେ। ଲୋକମାନେ ନମାଜ ପାଠ କରିବାକୁ ଯାଉଥିବା ସମୟରେ ଏହି ବିସ୍ଫୋରଣ ଘଟିଥିଲା। ବୋମା ବିସ୍ଫୋରଣର ଗୋଟିଏ ଦିନ ପରେ ସେପ୍ଟେମ୍ବର ୩୦ ତାରିଖ ୨୦୦୮ରେ ମାଲେଗାଓଁର ଆଜାଦ ନଗର ଥାନାରେ • ପୃଷ୍ଠା ୭ ଦେଖନ୍ତୁ...

